<u>ପ୍ରେସ ନୋଟ</u>

# ଆଜି ଅନୁଗୋଳ ଜିଲ୍ଲାରୁ ୧୫୮ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୫୩୯୪ରେ ପହଞ୍ଚିଲା - ସୁସ୍ଥ ହେଲେ ୫୫ଜଣ ।

ଅନୁଗୋଳ,ତା.୧୭.୦୧:- ଆଜି ଅନୁଗୋଳ ଜିଲ୍ଲାରେ ୧୫୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୪୪ଜଣ ( ୩୦ଜଣ ପୁରୁଷ ଓ ୧୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୩୩ଜଣ ( ୨୫ଜଣ ପୁରୁଷ ଓ ୮ଜଣ ମହିଳା) , ଅନୁଗୋଳ ପୌରାଞ୍ଚଳରୁ ୨୬ଜଣ ( ୧୮ ଜଣ ପୁରୁଷ ଓ ୮ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୭ଜଣ ( ୧୦ଜଣ ପୁରୁଷ ଓ୭ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୨ଜଣ(୯ଜଣ ପୁରୁଷ ଓ ୩ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୭ଜଣ ( ୪ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୫ଜଣ(୩ ଜଣ ପୁରୁଷ ଓ ୨ଜଣ ମହିଳା) , କଣିହାଁ ବ୍ଲକ୍ ଅଂଚଳରୁ ୪ଜଣ( ୩ଜଣ ପୁରୁଷ ଓ ୧ଜଣ ମହିଳା ) , ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ ( ୧ଜଣ ପୁରୁଷ ) ଓ କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଲକ୍ଷଣଯୁକ୍ତ ଆକ୍ରାନ୍ତଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରୀକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୯୯ଜଣ ମୃତ୍ୟୁବରଣ କଲେଣି । ଆଜି ଅନୁଗୋଳ ଜିଲ୍ଲାରୁ ୫୫ଜଣ ସୁସ୍ଥ ହୋଇଛନ୍ତି । ଆଜି ସୁଦ୍ଧା ୧୫ଲକ୍ଷ ୩୮ ହଜାର୬୯୮ଜଣଙ୍କୁ ଟିକା ଦିଆଗଲାଣି ।

**୧୫ ରୁ ୧୮ ବର୍ଷ ବୟସ ପିଲା ୧୪୪୪ ଜଣ ଟୀକା ନେଇଥିବାବେଳେ Precaution ଡୋଜ୍ ୧୭୧ଜଣ ନେଇଛନ୍ତି ।**

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା ୩୫ ତା. ୧୭.୦୧.୨୦୨୨ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ